# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 1466 CUTTACK, THURSDAY, NOVEMBER 4, 2004 / KARTIKA 13, 1926**

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 20 ଅକ୍ଟୋବର 2004

ସଂଖ୍ୟା 41105—ଏଲ୍.ଏ. (ବି)-46/2004-ଗଞ୍ଜାମ-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ନୌପଡ଼ା-ଗୁଣୁପୁର ରେଳ ରାସ୍ତାର ପ୍ରଶସ୍ତ ଧାରଣା ଯୋଜନା ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ମୋଟୁକଟୁରୁ (Motukaturu), ଥାନା କାଶିନଗର, ଜିଲ୍ଲା ଗଜପତିରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 1.229 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 8093-ରା., ତା 26 ଫେବୃଆରୀ 2004 ରିଖ ଓ ରାଜପତ୍ର ସଂଖ୍ୟା 415, ତା 24 ମାର୍ଚ୍ଚ 2004 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍‌ସା, ଗଜପତି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 20 ଅକ୍ଟୋବର 2004

ସଂଖ୍ୟା 41112—ଏଲ୍.ଏ. (ବି)-25/2003-ଗଞ୍ଜାମ-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କୁତରଇସିଂ କ୍ଷୁଦ୍ର ଜଳସେଚନ ଯୋଜନା ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ପଦାସାହି, ଥାନା ସେରଙ୍ଗ, ଜିଲ୍ଲା ଗଜପତିରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 1.152 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 9803-ରା., ତା 11 ମାର୍ଚ୍ଚ 2004 ରିଖ ଓ ରାଜପତ୍ର ସଂଖ୍ୟା 475, ତା 3 ଫେବୃଆରୀ 2004 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍‌ସା, ଗଜପତି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

---

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 991–206+30